ପ୍ରେସ୍‌ନୋଟ୍

# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ ତା. ୨୫.୦୯ : ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ଉଦୟ କୁମାର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁଧାଂଶୁ ଶେଖର ମିଶ୍ର ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୭୮ ଟି ଅଭିଯୋଗରୁ ୭୫ଟି ବ୍ୟକ୍ତିଗତ ଓ ୩ ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଅତିରିକ୍ତ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୭୮ ଅଭିଯୋଗ ମଧ୍ୟରୁ ୧୩ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ତନ୍ମଧ୍ୟରୁ ରେଡକ୍ରସ ପାଣ୍ଠିରୁ ୧ ଜଣଙ୍କୁ ୧୦ ହଜାର ଟଙ୍କା ଉଚ୍ଚ ଶିକ୍ଷା ନିମନ୍ତେ ସହାୟତା ପ୍ରଦାନ କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ଗ୍ରାମ୍ୟରାସ୍ତା, ସ୍ୱାସ୍ଥ୍ୟ, ଭିନ୍ନକ୍ଷମ ସହାୟତା, ଜମି ଜମା ସମ୍ବନ୍ଧୀୟ, ପାରିବାରିକ କଳହ ଭରଣ ପୋଷଣ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ ।ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ହେମନ୍ତ କୁମାର ସିଂହ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବରନ୍ୟେନ୍ଦୁ ମହାନ୍ତି, ତହସିଲଦାର ଶ୍ରୀ ଶାସ୍ୱତ ରଞ୍ଜନ ଦାସ,ଡେପୁଟୀ କଲେକ୍ଟର ମଧୁସ୍ମିତା ବିଶି, ଡେପୁଟୀ କଲେକ୍ଟର ମିନର୍ଭା ନାୟକ ଓ ଶ୍ରୀ ସତ୍ୟାନନ୍ଦ ଦାସଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୪୬୨ ତା.୨୫.୦୯.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ

OPPO Reno7 5G
DIPRO ANGL | 2023.09.25 17:26


ପ୍ରଶାସନ, ଅନୁଗୋଳ
OPPO Reno7 5G
DIPRO ANGL | 2023.09.25 12:56


OPPO Reno7 5G
DIPRO ANGL | 2023.09.25 12:19